ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1352/26-02-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୨୬ ଫେବୃଆରୀ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ପଟିଆଲାର ଜାତୀୟ କ୍ରୀଡ଼ା ଅନୁଷ୍ଠାନଠାରେ ଅନୁଷ୍ଠିତ ଇଣ୍ଡିଆନ୍ ଗ୍ରାଣ୍ଡ ପ୍ରିକ୍ସ-୨ରେ ଓଡ଼ିଶାର ଧାବିକା ଦୁତି ଚାନ୍ଦ ମହିଳା ୧୦୦ ମିଟର ଦୌଡ଼ରେ ସ୍ୱର୍ଣ୍ଣ ପଦକ ପାଇଥିବାରୁ ଏବଂ ଅମୀୟ କୁମାର ମଲ୍ଲିକ ପୁରୁଷ ୧୦୦ ମିଟର ଦୌଡ଼ରେ ରଜତ ପଦକ ପାଇଥିବାରୁ ସେମାନଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ସେମାନଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଲୋକଙ୍କୁ ଉତ୍ତମ ସ୍ୱାସ୍ଥ୍ୟସେବା ଯୋଗାଇବା ସହ ଅତ୍ୟାଧୁନିକ ଭିତ୍ତିଭୂମି ପ୍ରତିଷ୍ଠା କ୍ଷେତ୍ରରେ ମାଲକାନଗିରି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଓଡ଼ିଶାର ବିକାଶ ମାନଚିତ୍ରରେ ଉଦାହରଣ ସାଜିଛି । ସୁସଜ୍ଜିତ ଆଲୋକ ସାଙ୍ଗକୁ ପାର୍କ, ଔଷଧୀୟ ବୃକ୍ଷ ବଗିଚା ତଥା ବିଭିନ୍ନ ସୁବିଧାସୁଯୋଗ ଏହାକୁ ସ୍ୱତନ୍ତ୍ର କରିଛି ବୋଲି ସେ କହିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୨,୭୭,୭୧୩ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୭,୦୧୮ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୪, ୪୦୦ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୫ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୬୫୦ ରହିଛି ।
- ୬୫୦ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**